# ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଢେଙ୍କାନାଳ

ପତ୍ରସଂଖ୍ୟା. ୧୦୮୯ / ସୂ.ଲୋ.ସ., ତା. ୧୪-୧୧-୨୦୧୮

e-mail- dkl.dipro@gmail.com

ଦୂରଭାଷ- (୦୬୭୬୨)-୨୨୬୪୧୪


## ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ ବଣ୍ଟନ

ଢେଙ୍କାନାଳ, ତା-୧୪.୧୧.୨୦୧୮ରିଖ- ବିଜୁ ଯୁବ ସଶକ୍ତିକରଣ ଯୋଜନାରେ ମେଧାବୀ ଛାତ୍ରଛାତ୍ରୀମାନଙ୍କୁ ଆଜି ଢେଙ୍କାନାଳ ସ୍ୱୟଂ ଶାସିତ ମହାବିଦ୍ୟାଳୟଠାରେ ଲାପ୍‌ଟପ୍ ପ୍ରଦାନ କରାଯାଇଛି । +୨ପରିକ୍ଷାରେ କୃତିତ୍ୱର ସହ ଉତ୍ତୀର୍ଣ୍ଣ ହୋଇଥିବା ଢେଙ୍କାନାଳ ଜିଲ୍ଲାର ବିଭିନ୍ନ ମହାବିଦ୍ୟାଳୟର ମେଧାବୀ ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ ଦିଆଯାଇଛି । ଏହି ଉପଲକ୍ଷେ ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟଠାରେ ଆୟୋଜିତ କାର୍ଯ୍ୟକ୍ରମରେ ଢେଙ୍କାନାଳ ବିଧାୟକ ଶ୍ରୀ ସରୋଜ କୁମାର ସାମଲ ମୁଖ୍ୟଅତିଥି ଭାବେ ଯୋଗଦାନ କରିଥିଲେ । ସେ କହିଥିଲେ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କର ଚିନ୍ତାଧାରା ହେଉଛି ଓଡ଼ିଆ ପିଲାମାନେ କିପରି ଭଲ କରିବେ ଓ ସର୍ବ ଭାରତୀୟ ସ୍ତରରେ କୃତିତ୍ୱ ହାସଲ କରିବେ । ଓଡ଼ିଶା ସରକାର ଓ ମାନ୍ୟବର ମୁଖ୍ୟମନ୍ତ୍ରୀ କୃତି ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ ଦେବାରେ ବ୍ୟବସ୍ଥା କରିଛନ୍ତି । ଏହାଦ୍ୱାରା ଛାତ୍ରଛାତ୍ରୀମାନେ ଶିକ୍ଷାକ୍ଷେତ୍ରରେ ଉନ୍ନତି କରିବେ । ଛାତ୍ରଛାତ୍ରୀମାନଙ୍କର ସୂଚନା ଓ ପ୍ରଯୁକ୍ତି ବିଦ୍ୟା କ୍ଷେତ୍ରରେ ଜ୍ଞାନବୃଦ୍ଧି ହେବା ଉଚିତ ବୋଲି ସେ କହିଥିଲେ । ଛାତ୍ରଛାତ୍ରୀମାନେ ଲାପ୍‌ଟପ୍‌ର ସଦୁପଯୋଗ କରିବେ ଏବଂ ଆଗାମୀ ଦିନରେ ଢେଙ୍କାନାଳ ମହାବିଦ୍ୟାଳୟର ଛାତ୍ରଛାତ୍ରୀମାନେ ରାଜ୍ୟ ଓ ଦେଶରେ ସୁନାମ ଅର୍ଜନ କରିବେ ବୋଲି ସେ ଆଶା ପ୍ରକାଶ କରିଥିଲେ । ତୁମର ଏହି କୃତିତ୍ୱ ଆମ ସମସ୍ତଙ୍କ ପାଇଁ ଗର୍ବ ଓ ଗୌରବର କଥା । ଭଲ ପାଠ ପଢି ଆଗକୁ ବଢିଲେ ତୁମେ ସଫଳତା ଅର୍ଜନ କରିବା ସହିତ ଜଣେ ମେଧାବୀ ଛାତ୍ର ଭାବରେ "ଶିକ୍ଷିତ ଓଡ଼ିଶା" ନିର୍ମାଣର ସ୍ୱପ୍ନକୁ ସାକାର କରିବ । ରାଜ୍ୟରେ ସମୃଦ୍ଧିରେ ଭାଗୀଦାର ହୋଇପାରିବ ବୋଲି ମତବ୍ୟକ୍ତ କରିଥିଲେ ।

ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ରଶ୍ମି ମିଶ୍ର ଏହି କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ । ସେ କହିଥିଲେ ମେଧାବୀ କୃତି ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ ବଣ୍ଟନ ଓଡ଼ିଶା ସରକାରଙ୍କର ଏକ ଅଭିନବ ଉପାୟ ଏବଂ ଏହା ଅଭିନନ୍ଦନ ଯୋଗ୍ୟ । ବିଜୁ ଯୁବ ସଶକ୍ତିକରଣ ଯୋଜନାରେ ମେଧାବୀ ଛାତ୍ରଛାତ୍ରୀମାନଙ୍କୁ ମାଗଣାରେ ଲାପ୍‌ଟପ୍ ପ୍ରଦାନ କରାଯାଇଛି । ମେଧାବୀ ଛାତ୍ରଛାତ୍ରୀମାନଙ୍କୁ ଉତ୍ସାହିତ କରିବା ପାଇଁ ଓଡ଼ିଶା ସରକାର ଓ ମାନ୍ୟବର ମୁଖ୍ୟମନ୍ତ୍ରୀ ଏହି କାର୍ଯ୍ୟକ୍ରମ କରିଛନ୍ତି । ଢେଙ୍କାନାଳ ଜୁନିୟର କଲେଜର ଅଧ୍ୟକ୍ଷ ଶ୍ରୀ ଚତୁର୍ଭୁଜ ପତି କାର୍ଯ୍ୟକ୍ରମରେ ଯୋଗଦେଇ କହିଥିଲେ +୨ପରୀକ୍ଷାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ ଦିଆଯାଇଛି । +୨ପରୀକ୍ଷାରେ କୃତିତ୍ୱର ସହ ଉତ୍ତୀର୍ଣ୍ଣ ହୋଇଥିବା ୩୭୨ଜଣ ମେଧାବୀ ଛାତ୍ରଛାତ୍ରୀଙ୍କୁ ଲାପ୍‌ଟପ୍ ପ୍ରଦାନ କରାଯାଇଅଛି ବୋଲି ମତରଖିଥିଲେ ।

ପ୍ରାଧ୍ୟାପକ ଶ୍ରୀ ପୂର୍ଣ୍ଣଚନ୍ଦ୍ର ବରାଳ ସ୍ୱାଗତ ଭାଷଣ ଦେବାସହ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ । ଢେଙ୍କାନାଳ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ, ଛାତ୍ରଛାତ୍ରୀବୃନ୍ଦ ଏବଂ ଗଣମାଧ୍ୟମ ପ୍ରତିନିଧିଗଣ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ ।

-------------------------------

ଏହାର ନକଲ ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧିମାନଙ୍କ ଅବଗତି ଓ ପ୍ରକାଶନ ନିମନ୍ତେ ପଠାଗଲା ।

ହେମନ୍ତ କୁମାର ନାୟକ ୧୪/୧୧/୨୦୧୮
ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ,
ଢେଙ୍କାନାଳ